ସ୍ୱାଗତଂ ଓଡ଼ିଶା
R.N.I. Regd. No. ODIODI/2020/78914
P.O. Regd. No. : BN/290/23-25

# ଡୁମାଣୀ ଖବର
Dumani Khabar (Odia Daily)

Visit us: www.dumanikhabar.in • e-paper.dumanikhabar.in

DUMANI TV
Follow us:

ବର୍ଷ-୬ | ସଂଖ୍ୟା-୧୨୭ | ଗୁରୁବାର | ୩୧ ଜୁଲାଇ ୨୦୨୫ | ଭୁବନେଶ୍ୱର | ପୃଷ୍ଠା ସଂଖ୍ୟା-୮ | ମୂଲ୍ୟ : ୨.୦୦ | Vol-6 | Issue-127 | Thursday | 31 July 2025 | Bhubaneswar | Pages-8 | Rs. 2.00

## ଆକାଶ ମାର୍ଗରୁ ମୁଖ୍ୟମନ୍ତ୍ରୀଙ୍କ ବନ୍ୟା ପରିସ୍ଥିତି ଅନୁଧ୍ୟାନ

### କ୍ଷୟକ୍ଷତି ରିପୋର୍ଟ ଶୀଘ୍ର ଦେବାକୁ ଜିଲ୍ଲାପାଳଙ୍କୁ ନିର୍ଦ୍ଦେଶ



ଭୁବନେଶ୍ୱର, ୩୦।୭ (ହି.ସ): ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ବୁଧବାର ଆକାଶମାର୍ଗରୁ ବନ୍ୟା ପ୍ରଭାବିତ ଅଞ୍ଚଳ ପରିଦର୍ଶନ କରିଛନ୍ତି। ୩ଟି ବନ୍ୟା ପ୍ରଭାବିତ ଜିଲ୍ଲା ବୁଲି ଦେଖିବା ପରେ ମୁଖ୍ୟମନ୍ତ୍ରୀ ଭୁବନେଶ୍ୱର ଫେରି ଆସି ସବିଶେଷ ସୂଚନା ଦେଇଛନ୍ତି। ରାଜ୍ୟର ଯେଉଁ ସ୍ଥାନରେ ବନ୍ୟା ଯୋଗୁ କ୍ଷୟକ୍ଷତି ହୋଇଛି ସେମାନଙ୍କୁ ତୁରନ୍ତ ସହୟତା ମିଳିବ। କ୍ଷୟକ୍ଷତିର ତୁରନ୍ତ ଆକଳନ କରି ରିପୋର୍ଟ ଦେବାକୁ ଜିଲ୍ଲାପାଳମାନଙ୍କୁ ନିର୍ଦ୍ଦେଶ ଦିଆଯାଇଛି। ରିପୋର୍ଟ ପାଇବା ପରେ କ୍ଷତିଗ୍ରସ୍ତ ଲୋକଙ୍କୁ ଉପଯୁକ୍ତ ସହାୟତା ଯୋଗାଇ ଦିଆଯିବ। ଘର ଭଙ୍ଗା ଏବଂ ଗୋ-ସମ୍ପଦର କ୍ଷୟକ୍ଷତି ରିପୋର୍ଟ ମଗାଯିବା ସହିତ ଯେଉଁ ଗାଁଗୁଡ଼ିକରେ ରାସ୍ତା ଖରାପ ହୋଇଯାଇଛି ସେଗୁଡିକ ତୁରନ୍ତ ମରାମତି କରି ଯୋଗାଯୋଗ ବ୍ୟବସ୍ଥା ପୁନଃସ୍ଥାପିତ କରାଯିବ। ପ୍ରଭାବିତ ଅଞ୍ଚଳରେ ପର୍ଯ୍ୟାପ୍ତ ପରିମାଣରେ ପଶୁଖାଦ୍ୟ ଯୋଗାଯିବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। ବନ୍ୟା ପରିସ୍ଥିତି ଅନୁଧ୍ୟାନ ପରେ ଲୋକସେବା ଭବନଠାରେ ଗଣମାଧ୍ୟମକୁ ବିବୃତ୍ତି ରଖି ମୁଖ୍ୟମନ୍ତ୍ରୀ କହିଛନ୍ତି, ୩ ଜିଲ୍ଲାର ୮ଟି ବ୍ଲକର ୮୧ଟି ଗାଁ ବନ୍ୟା ଦ୍ୱାରା ପ୍ରଭାବିତ ହୋଇଛି। ବାଲେଶ୍ୱରର ୪ଟି ବ୍ଲକ ଯଥା ବସ୍ତା, ବାଲିଆପାଳ, ଭୋଗରାଇ ଓ ଜଳେଶ୍ୱର ଏବଂ ଭଦ୍ରକର ଧାମନଗର ଓ ଭଣ୍ଡାରୀପୋଖରୀ ଏବଂ ଯାଜପୁରର ଯାଜପୁର ଓ ଦଶରଥପୁର ବ୍ଲକ ପ୍ରଭାବିତ। ବନ୍ୟାଦ୍ୱାରା ପ୍ରାୟ ୩୦ ହଜାର ଲୋକ ପ୍ରଭାବିତ ହୋଇଥିବା ବେଳେ ୫୮୬୯ ଜଣ ଲୋକଙ୍କୁ ସୁରକ୍ଷିତ ସ୍ଥାନକୁ ସ୍ଥାନାନ୍ତର କରାଯାଇଛି। ବର୍ତ୍ତମାନ ବିଭିନ୍ନ ନଦୀରେ ଜଳସ୍ତର କମୁଛି। ବାଲେଶ୍ୱର ଜିଲ୍ଲାର ସୁବର୍ଣ୍ଣରେଖା ଓ ଜଳକା ଆଦି ନଦୀରେ ପାଣି କମିବାରେ ଲାଗିଛି। ବନ୍ୟାପରିସ୍ଥିତି ସମ୍ପୂର୍ଣ୍ଣ ନିୟନ୍ତ୍ରଣରେ ଅଛି। କେନ୍ଦୁଝର ଏବଂ ଅନ୍ୟ କିଛି ଜିଲ୍ଲାରେ ବନ୍ୟା ହୋଇଥିଲେ ମଧ୍ୟ ଏହାର ବିଶେଷ ପ୍ରଭାବ ନାହିଁ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। ରାଜ୍ୟ ସରକାରଙ୍କ ନିର୍ଦ୍ଦେଶରେ ବନ୍ୟା ପ୍ରଭାବିତ ଅଞ୍ଚଳର ଲୋକମାନଙ୍କୁ ଶୁଖିଲା ଖାଦ୍ୟ ଏବଂ ଆବଶ୍ୟକସ୍ଥଳେ ଗରମ ରନ୍ଧାଖାଦ୍ୟ ପ୍ରଦାନ କରାଯାଉଛି। ଏଥିପାଇଁ ବାଲେଶ୍ୱରରେ ୧୬ଟି, ଭଦ୍ରକରେ ୧୦ଟି ଓ ଯାଜପୁରରେ ୩ଟି ଫ୍ରି କିଚିନର ବ୍ୟବସ୍ଥା କରାଯାଇଛି। ସମୁଦାୟ ପ୍ରାୟ ୧୦ ହଜାର ପ୍ରଭାବିତ ଲୋକଙ୍କୁ ରନ୍ଧା ଖାଦ୍ୟ ଯୋଗାଇ ଦିଆଯାଉଛି ଏବଂ ଆଗାମୀ ୭ ଦିନ ପର୍ଯ୍ୟନ୍ତ ରନ୍ଧାଖାଦ୍ୟ ଯୋଗାଇ ଦିଆଯିବ ବୋଲି ମୁଖ୍ୟମନ୍ତ୍ରୀ କହିଥିଲେ। ବନ୍ୟା ପରବର୍ତ୍ତୀ ସମୟରେ ଅନେକ ସମସ୍ୟା ଦେଖାଦିଏ ବୋଲି ପ୍ରକାଶ କରି ମୁଖ୍ୟମନ୍ତ୍ରୀ କହିଛନ୍ତି, ବିଶେଷ କରି ଡାଇରିଆ ଓ ଅନ୍ୟାନ୍ୟ ଜଳ ବାହିତ ରୋଗର ନିୟନ୍ତ୍ରଣ ପାଇ ଜଳ ଉତ୍ସ ଗୁଡିକର ବିଶୁଦ୍ଧକରଣ ଉପରେ ଗୁରୁତ୍ୱ ଦିଆଯାଇଛି। ଏହାକୁ ଜାରି ରଖିବା ପାଇଁ ସ୍ଥାନୀୟ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦିଆଯାଇଛି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। କୌଣସି ପରିସ୍ଥିତିରେ ଯେପରି ଡାଇରିଆ ରୋଗର ପ୍ରଭାବ ଦେଖା ନ ଯିବ, ସେଥିପ୍ରତି ସତର୍କ ରହିବାକୁ ପରାମର୍ଶ ଦିଆଯାଇଛି ବୋଲି ସେ କହିଥିଲେ। ଅନେକ ସ୍ଥାନରେ ସାପ କାମୁଡ଼ା ପରି ଘଟଣା ଘଟେ ବୋଲି ପ୍ରକାଶ କରି ସେ କହିଥିଲେ, • ପୃଷ୍ଠା ୭ ଦେଖନ୍ତୁ...

## ଇସ୍ରୋର ମହଙ୍ଗା ଅନ୍ତରୀକ୍ଷ ମିଶନ 'ନିସାର' ଲଞ୍ଚ



### ପୃଥିବୀ ଉପରେ ରଖିବ ତିକ୍ଷ୍ଣ ନଜର

ଶ୍ରୀହରିକୋଟା, ୩୦।୭ (ହି.ସ): ଭାରତୀୟ ଅନ୍ତରୀକ୍ଷ ଗବେଷଣା ସଂସ୍ଥା (ଇସ୍ରୋ) ତା'ର ସବୁଠାରୁ ମହଙ୍ଗା ଅନ୍ତରୀକ୍ଷ ମିଶନ 'ନିସାର' ଲଞ୍ଚ କରିଛି। ବୁଧବାର ଆନ୍ଧ୍ରପ୍ରଦେଶର ଶ୍ରୀହରିକୋଟାସ୍ଥିତ ସତୀଶ ଧାୱନ ଅନ୍ତରୀକ୍ଷ କେନ୍ଦ୍ରରୁ ସନ୍ଧ୍ୟା ୫ଟା ୪୦ ମିନିଟରେ ଏହାକୁ ଲଞ୍ଚ କରାଯାଇଛି। ଏହି ସାଟେଲାଇଟ ଇସ୍ରୋ ଏବଂ ଆମେରିକୀୟ ଅନ୍ତରୀକ୍ଷ ସଂସ୍ଥା ନାସାର ମିଳିତ ଉଦ୍ୟମରେ ପ୍ରସ୍ତୁତ ହୋଇଛି। ଏହାକୁ ସୂର୍ଯ୍ୟ ସମକାଳୀନ ଧ୍ରୁବୀୟ କକ୍ଷରେ ସ୍ଥାପନ କରାଯିବ, ଯେଉଁଠାରୁ ଏହା ସମଗ୍ର ପୃଥିବୀ ଉପରେ ନଜର ରଖିବ। ଏହି ମିଶନର ମୋଟ ଖର୍ଚ୍ଚ ପ୍ରାୟ ୧.୫ ବିଲିୟନ ଆମେରିକୀୟ ଡଲାର, ଅର୍ଥାତ ପ୍ରାୟ ୧୩,୧୨୦ କୋଟି ଟଙ୍କା। 'ନିସାର' ମିଶନ ହେଉଛି ଇସ୍ରୋ ଓ ନାସାର ଏକ ମିଳିତ ପ୍ରୟାସ, ଯାହାକୁ ଉଭୟ ସଂସ୍ଥା ବର୍ଷ ବର୍ଷ ଧରି କଠିନ ପରିଶ୍ରମ ପରେ ସଫଳ କରିଛନ୍ତି। ଇସ୍ରୋ ଏହାକୁ ଭାରତର ବାହୁବଳୀ ରକେଟ ଜିଏସ୍ଏଲ୍ଭି-ଏଫ୍୧୬ ମାଧ୍ୟମରେ ଲଞ୍ଚ କରିଛି। ଏହା ଏକ ଏକ୍ସପେଣ୍ଡେବଲ ନନ-ରିୟୁଜେବଲ ତିନି-ପର୍ଯ୍ୟାୟ ଲଞ୍ଚ ଭେଇକିଲ। ପୂର୍ବରୁ ଇସ୍ରୋ ରିସୋର୍ସ ସାଟ୍ ଓ ରିସାଟ୍ ଭଳି ପୃଥିବୀ ନିରୀକ୍ଷଣ ସାଟେଲାଇଟ ଲଞ୍ଚ କରିଥିଲା, କିନ୍ତୁ ସେଗୁଡ଼ିକ କେବଳ ଭାରତୀୟ ଅଞ୍ଚଳ ପର୍ଯ୍ୟନ୍ତ ସୀମିତ ଥିଲା। ତେବେ 'ନିସାର' ହେଉଛି ନାସା ଓ ଇସ୍ରୋର ସିନ୍ଥେଟିକ ଆପାର୍ଚର ରାଡାର ସାଟେଲାଇଟ, ଯାହା ଅନ୍ତରୀକ୍ଷରୁ ପୃଥିବୀକୁ ମ୍ୟାପିଂ କରିବାରେ ପ୍ରଥମ ରାଡାର ସାଟେଲାଇଟ। ଏହା ବିଭିନ୍ନ ପରିବେଶଗତ ଏବଂ ଭୂ-ବୈଜ୍ଞାନିକ ପରିବର୍ତ୍ତନର ନିରୀକ୍ଷଣ କରିବ। ପ୍ରାରମ୍ଭରେ ଏହାକୁ ଲୋ ଆର୍ଥ ଅର୍ବିଟରେ ରଖାଯାଇଛି, ଯେଉଁଠାରେ ଏହା ଲଗାତାର ତିନି ବର୍ଷ ଧରି ନିରୀକ୍ଷଣ କରିବ। ଏହି ସାଟେଲାଇଟ ପୃଥିବୀ ଭିତର ପର୍ଯ୍ୟନ୍ତ ମ୍ୟାପ ତିଆରି କରିପାରିବ, ବରଫାଚ୍ଛାଦିତ ପର୍ବତ ଓ ଜଙ୍ଗଲ ବିଷୟରେ ସୂଚନା ଦେଇପାରିବ। ଏହା ବରଫ ଢ଼ାଙ୍କିଥିବା ପାହାଡ଼ର ସଠିକ ଅଧ୍ୟୟନ, ଭୂମି ଧସିବା, ଜ୍ୱାଳାମୁଖୀ ଓ ଭୂମିକମ୍ପ ମାମଲାରେ ସହାୟକ ହେବ। ଏହା ସହ ନିସାର କୃଷି, ମାଟିର ଆର୍ଦ୍ରତା ଏବଂ ଅବସଂରଚନା ଉପରେ ମଧ୍ୟ ନଜର ରଖିବ। 'ନିସାର' ସାଟେଲାଇଟର ଓଜନ ୨.୫ ଟନ ଏବଂ ଏହାକୁ ପୃଥିବୀଠାରୁ ୭୪୮ କିଲୋମିଟର ଉଚ୍ଚତାରେ ପ୍ରକ୍ଷେପଣ କରାଯାଇଛି। ଲୋ ଆର୍ଥ ଅର୍ବିଟରୁ ଏହା ପୃଥିବୀର ଏକ ଚକ୍କର ୧୨ ଦିନରେ ସମ୍ପୂର୍ଣ୍ଣ କରିବ। ଥରକେ ୨୪୦ କିଲୋମିଟର ଅଞ୍ଚଳକୁ କଭର କରିବ ଏବଂ ଲଗାତାର ତିନି ବର୍ଷ ଧରି କାର୍ଯ୍ୟ କରିବ। ଇସ୍ରୋ ବୈଜ୍ଞାନିକଙ୍କ ମତରେ, ଏହି ସାଟେଲାଇଟ • ପୃଷ୍ଠା ୭ ଦେଖନ୍ତୁ...

## ମହାପ୍ରଭୁଙ୍କ ବନକଲାଗି ନୀତି ସମ୍ପନ୍ନ

ପୁରୀ, ୩୦।୭ (ଡିକେ ନ୍ୟୁଜ): ଶ୍ରାବଣ ଶୁକ୍ଳ ଷଷ୍ଠୀତିଥିରେ ଶ୍ରୀବିଗ୍ରହମାନଙ୍କ ବନକଲାଗି ନୀତି ସମ୍ପନ୍ନ ହୋଇଛି। ଦଉମହାପାତ୍ର ସେବକମାନେ ଶ୍ରୀଜିଉମାନଙ୍କ ବନକଲଗି (ଶ୍ରୀମୁଖ ଶୃଙ୍ଗାର) କରିଛନ୍ତି। ବୁଧବାର ଭୋର ୬ଟା ୫ରେ ଶ୍ରୀମନ୍ଦିରର ଦ୍ୱାର ଫିଟିଥିଲା। ୬ଟା ୪୫ରେ ଭିତରଶୋଧ ପରେ ସକାଳ ୬ଟା୫୦ରେ ହୋଇଥିଲା ମଙ୍ଗଳ ଆଳତି। ପରେ ମଇଲମ, ତଡ଼ପ ଲାଗି ଓ ରୋଷହୋମ ଆଦି ପାରମ୍ପରିକ ନୀତି ପରେ ପୂର୍ବାହ୍ନ ୯ଟା ୪୦ ସୁଦ୍ଧା ଶେଷ ହୋଇଥିଲା ଗୋପାଳ ବଲ୍ଲଭ। ୧୧ଟା ୨୦ରେ ସକାଳ • ପୃଷ୍ଠା ୭ ଦେଖନ୍ତୁ...

## ୨ରେ ମିଳିବ ପ୍ରଧାନମନ୍ତ୍ରୀ କିଷାନ ସମ୍ମାନ ନିଧିର ୨୦ତମ କିସ୍ତି

ନୂଆଦିଲ୍ଲୀ/ଭୁବନେଶ୍ୱର, ୩୦।୭ (ହି.ସ): ପ୍ରଧାନମନ୍ତ୍ରୀ କିଷାନ ସମ୍ମାନ ନିଧି (ପିଏମ୍-କିଷାନ) ଯୋଜନାର ୨୦ତମ କିସ୍ତି ଅଗଷ୍ଟ ୨ତାରିଖରେ ପ୍ରଦାନ କରାଯିବ। ଏହି ପରିପ୍ରେକ୍ଷୀରେ, କୃଷି ଏବଂ କୃଷକ କଲ୍ୟାଣ ମନ୍ତ୍ରୀ ଶିବରାଜ ସିଂହ ଚୌହାନଙ୍କ ଅଧ୍ୟକ୍ଷତାରେ ବୁଧବାର ନୂଆଦିଲ୍ଲୀରେ ଏକ ଉଚ୍ଚସ୍ତରୀୟ ବୈଠକ ଅନୁଷ୍ଠିତ ହୋଇଥିଲା। ଏହି ବୈଠକରେ କାର୍ଯ୍ୟକ୍ରମର ପ୍ରସ୍ତୁତି ଏବଂ ସର୍ବାଧିକ ସଂଖ୍ୟକ ଚାଷୀଙ୍କ ନିକଟରେ ଏହାର ଲାଭ ପହଞ୍ଚିବା ସୁନିଶ୍ଚିତ କରିବା ପାଇଁ ସମୀକ୍ଷା କରାଯାଇଥିଲା। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ନେତୃତ୍ୱରେ ଉତ୍ତର ପ୍ରଦେଶର ବାରାଣସୀରେ ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ। ବୈଠକରେ, ଶ୍ରୀ ଚୌହାନ ଜାତୀୟ, ରାଜ୍ୟ, ଜିଲ୍ଲା ଏବଂ ଗ୍ରାମ ସ୍ତରରେ ଚାଷୀମାନଙ୍କୁ କାର୍ଯ୍ୟକ୍ରମ ସହିତ ଯୋଡ଼ିବା ପାଇଁ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଥିଲେ ଏବଂ ଏହି କାର୍ଯ୍ୟକ୍ରମକୁ ଏକ ଦେଶବ୍ୟାପୀ ଅଭିଯାନ ଭାବରେ ଆୟୋଜନ କରିବାକୁ ଆହ୍ୱାନ ଦେଇଥିଲେ। ସେ ଏହି କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିବାକୁ ଦେଶବ୍ୟାପୀ ଚାଷୀମାନଙ୍କୁ ମଧ୍ୟ ଆହ୍ୱାନ କରିଥିଲେ। ମନ୍ତ୍ରୀ କହିଥିଲେ ଯେ ପ୍ରଧାନମନ୍ତ୍ରୀ ମୋଦିଙ୍କ ନେତୃତ୍ୱରେ, ଏହି ଯୋଜନା ଅଧୀନରେ ଚାଷୀମାନଙ୍କୁ ୩ଟି କିସ୍ତିରେ ୬ ହଜାର ଟଙ୍କା ହସ୍ତାନ୍ତର କରାଯାଉଛି, ପ୍ରତ୍ୟେକ କିସ୍ତି ପ୍ରତି ଚାରି ମାସରେ ଜାରି କରାଯିବ। ଆଜିର ଆଭାସୀ ବୈଠକରେ ଦେଶର ୭୩୧ଟି କୃଷି ବିଜ୍ଞାନ କେନ୍ଦ୍ରର ନିର୍ଦ୍ଦେଶକ, ଉପ-କୁଳପତି ଏବଂ ମୁଖ୍ୟ, ଭାରତୀୟ କୃଷି ଗବେଷଣା ପରିଷଦ ଓ କୃଷି ବିଶ୍ୱବିଦ୍ୟାଳୟଗୁଡ଼ିକ ଯୋଗ ଦେଇଥିଲେ।

## ଓଏସ୍ଏସ୍ଏସ୍ସି ବାତିଲ କଲା ଆର୍ଆଇ, ଏଆର୍ଆଇ, ଅମିନ, ଆଇସିଡିଏସ୍ ପରୀକ୍ଷା

### ୧୫ ଦିନ ଭିତରେ ସାନି ପ୍ରିଲିମ୍ ପରୀକ୍ଷା

କଟକ, ୩୦।୭ (ହି.ସ): ଓଡ଼ିଶା ସବଅର୍ଡିନେଟ ଷ୍ଟାଫ ସିଲେକ୍ସନ କମିଶନ (ଓଏସ୍ଏସ୍ଏସ୍ସି) ରେଭେନ୍ୟୁ ଇନସ୍ପେକ୍ଟର (ଆରଇଆଇ), ଆସିଷ୍ଟାଣ୍ଟ ରେଭେନ୍ୟୁ ଇନସ୍ପେକ୍ଟର (ଏଆର୍ଆଇ), ଅମିନ ଏବଂ ଏସିଡିଏସ୍ ସୁପରଭାଇଜର ପଦବୀ ପାଇଁ ଆୟୋଜିତ କମ୍ବାଇନଡ ରିକ୍ରୁଟମେଣ୍ଟ ଏକ୍ସାମିନେସନ (ସିଆରଇ) ୨୦୨୪ର ପ୍ରିଲିମିନାରୀ ପରୀକ୍ଷା ବାତିଲ କରିଛି। ଏନେଇ ଓଡ଼ିଶାର ଆଡ଼ଭୋକେଟ ଜେନେରାଲ (ଏଜି) ପିତାମ୍ବର ଆଚାର୍ଯ୍ୟ ଓଡ଼ିଶା ହାଇକୋର୍ଟଙ୍କୁ ଅବଗତ କରିଛନ୍ତି। ବାତିଲ ପରୀକ୍ଷାର ସ୍ଥାନରେ ୧୫ ଦିନ ଭିତରେ ଏକ ସାନି ପ୍ରିଲିମିନାରୀ ପରୀକ୍ଷା ଆୟୋଜନ କରାଯିବ ବୋଲି ଓଏସ୍ଏସ୍ଏସ୍ସି ଘୋଷଣା କରିଛି। ତେବେ, ଏହି ପରୀକ୍ଷା ପାଇଁ ପ୍ରାର୍ଥୀଙ୍କୁ ପୁନଶ୍ଚ ଆବେଦନ କରିବାକୁ ପଡ଼ିବ ନାହିଁ ଏବଂ ପୂର୍ବରୁ ଆବେଦନ କରିଥିବା ସମସ୍ତ ପ୍ରାର୍ଥୀଙ୍କୁ ଏହି ପରୀକ୍ଷାରେ ଅଂଶଗ୍ରହଣ କରିବାର ସୁଯୋଗ ମିଳିବ। ଗତ ବର୍ଷ ସେପ୍ଟେମ୍ବର ୨୦ରୁ ଅକ୍ଟୋବର ୮, ୨୦୨୪ ପର୍ଯ୍ୟନ୍ତ ଅନୁଷ୍ଠିତ ପ୍ରିଲିମିନାରୀ ପରୀକ୍ଷାରେ ଅନିୟମିତତା ଅଭିଯୋଗ ସାମ୍ନାକୁ ଆସିଥିଲା। ଏହାକୁ ନେଇ ପରୀକ୍ଷାର୍ଥୀମାନେ ବିକ୍ଷୋଭ ପ୍ରଦର୍ଶନ କରିଥିଲେ। ଫଳସ୍ୱରୂପ, ଓଏସ୍ଏସ୍ଏସ୍ସି ଏକ ଅଭୂତପୂର୍ବ ନିଷ୍ପତ୍ତି ନେଇ ପ୍ରିଲିମ୍ ପରୀକ୍ଷାରେ ଅଂଶଗ୍ରହଣ କରିଥିବା ସମସ୍ତ ପ୍ରାର୍ଥୀଙ୍କୁ ପାସ୍ ଘୋଷଣା କରି ମେନ୍ ପରୀକ୍ଷାରେ ଅଂଶଗ୍ରହଣ କରିବାର ସୁଯୋଗ ଦେଇଥିଲା। ଏହି ନିଷ୍ପତ୍ତି ଅନୁଯାୟୀ, ପ୍ରାୟ ୫ ଲକ୍ଷ ପରୀକ୍ଷାର୍ଥୀ ମେନ୍ ପରୀକ୍ଷା ପାଇଁ ଯୋଗ୍ୟ ହୋଇଥିଲେ। କିନ୍ତୁ, ଓଏସ୍ଏସ୍ଏସ୍ସିର ବିଜ୍ଞପ୍ତି ଅନୁସାରେ, ମେନ୍ ପରୀକ୍ଷା ପାଇଁ ଖାଲି ପଦବୀର ୫ ଗୁଣ ପ୍ରାର୍ଥୀଙ୍କୁ ସର୍ଟଲିଷ୍ଟ କରାଯିବାର ନିୟମ ଥିଲା। ଏହି ନିୟମର ଉଲ୍ଲଂଘନ ହେତୁ କିଛି ପ୍ରାର୍ଥୀ ଓଡ଼ିଶା ହାଇକୋର୍ଟରେ ପିଟିସନ ଦାଖଲ କରିଥିଲେ। ହାଇକୋର୍ଟରେ ଏହି ମାମଲାର ଶୁଣାଣି ବେଳେ ଏଜି ପିତାମ୍ବର ଆଚାର୍ଯ୍ୟ କୋର୍ଟଙ୍କୁ ଜଣାଇଛନ୍ତି ଯେ, ଓଏସ୍ଏସ୍ଏସ୍ସି ପୂର୍ବ ପରୀକ୍ଷା ବାତିଲ କରି ନୂଆ ସାନି ପ୍ରିଲିମ୍ ପରୀକ୍ଷା ଆୟୋଜନ କରିବ। ଏହି ନିଷ୍ପତ୍ତି ରାଜ୍ୟରେ ୨,୮୯୫ଟି ପଦବୀ ପାଇଁ ନିଯୁକ୍ତି ପ୍ରକ୍ରିୟାକୁ ପ୍ରଭାବିତ କରିଛି। ନୂଆ ପରୀକ୍ଷା ସୁଷ୍ଠୁ ଓ ନିରପେକ୍ଷ ଭାବେ ପରିଚାଳନା କରାଯିବ ବୋଲି ଓଏସ୍ଏସ୍ଏସ୍ସି ପକ୍ଷରୁ ପ୍ରତିଶ୍ରୁତି ଦିଆଯାଇଛି। ପରୀକ୍ଷାର ସମୟସୂଚୀ ଓ ଅନ୍ୟାନ୍ୟ ସୂଚନା ଶୀଘ୍ର ଓଫିସିଆଲ ୱେବସାଇଟ www.osssc.gov.inରେ ପ୍ରକାଶ କରାଯିବ।

## ଭୟଙ୍କର ଭୂକମ୍ପ ପରେ ମାଡ଼ି ଆସିଲା ସୁନାମୀ, ବ୍ୟାପକ କ୍ଷୟକ୍ଷତି



### ଆଉ ୪୪ ଦେଶରେ ଆସିପାରେ ସୁନାମୀ

ନୂଆଦିଲ୍ଲୀ, ୩୦।୭ (ହି.ସ): ରୁଷିଆର କାମଚାଟକା ଉପଦ୍ୱୀପରେ ହୋଇଥିବା ଭୂମିକମ୍ପ ପରେ, ଅନେକ ଦେଶରେ ସୁନାମିର ଆଶଙ୍କା ରହିଛି। ଅନେକ ଦେଶରେ ସୁନାମିର ତରଙ୍ଗ ଉପକୂଳରେ ପହଞ୍ଚିସାରିଛି। ବିଶେଷଜ୍ଞମାନେ କହିଛନ୍ତି ଯେ ସୁନାମିର ତରଙ୍ଗ ୪ ମିଟର ପର୍ଯ୍ୟନ୍ତ ହୋଇପାରେ। ସୁନାମିର ତରଙ୍ଗ ପୂର୍ବରୁ ରୁଷିଆର କୁରିଲ ଦ୍ୱୀପପୁଞ୍ଜ ଏବଂ ଜାପାନର ଉତ୍ତର ଦ୍ୱୀପ ହୋକାଇଡୋର କିଛି ଅଂଶରେ ପହଞ୍ଚିସାରିଛି। ଅନେକ ଦେଶରେ ସୁନାମିର ଆଶଙ୍କା ରହିଛି। ଏହି ଭୂକମ୍ପର ପ୍ରଭାବରେ ରୁଷିଆ, ଉତ୍ତର-ପଶ୍ଚିମ ହାୱାଇ ଦ୍ୱୀପପୁଞ୍ଜରେ ୩ ମିଟରରୁ ଅଧିକ ଉଚ୍ଚତାର ଲହଡ ଆସିପରେ ବୋଲି ଅନୁମାନ କରାଯାଇଛି। ଇକ୍ୱେଡର, ଚିଲି, କୋଷ୍ଟାରିକା, ଫରାସୀ • ପୃଷ୍ଠା ୭ ଦେଖନ୍ତୁ...

ମସ୍କୋ, ୩୦।୭ (ହି.ସ): ରୁଷ ଉପକୂଳରେ ଭୟଙ୍କର ଭୂକମ୍ପ ପରେ ଏବେ ସୁନାମୀ ତାଣ୍ଡବ ରଚିବା ଆରମ୍ଭ କରିଛି। ବୁଧବାର ସକାଳୁ ସକାଳୁ ରୁଷର ପୂର୍ବ ପ୍ରାନ୍ତରେ ଥିବା କାମଚଟକାରେ ୮.୮ ତୀବ୍ରତାର ଭୂକମ୍ପ ଝଟକା ଅନୁଭୂତ ହୋଇଥିଲା। ବିଶ୍ୱର ଅନ୍ୟତମ ଶକ୍ତିଶାଳୀ ଭୂକମ୍ପ ଯୋଗୁ ଏବେ ରୁଷ ସମେତ ଆମେରିକା ଓ ଜାପାନରେ ବଡ଼ଧରଣର ସୁନାମୀ ଦେଖିବାକୁ ମିଳିଛି। ଉପକୂଳରେ ଥିବା ଶହଶହ ବଡ଼ ବଡ଼ ବିଲଡିଂ ସମୁଦ୍ର ଗର୍ଭରେ ଲୀନ ହୋଇଛି। ଉପକୂଳରେ ଥିବା ଲକ୍ଷାଧିକ ଲୋକ ଜୀବନ ବିକଳରେ ଉଚ୍ଚ ସ୍ଥାନକୁ ଯିବାକୁ ଲାଗିଛନ୍ତି। ଏବେ ଛୋଟ ଧରଣର ସମୁଦ୍ର ଢେଉ କୂଳ ଲଙ୍ଘିଥିବା ବେଳେ ଆଗକୁ ୧୦ ଫୁଟ ଉଚ୍ଚର ଜୁଆର ଆମେରିକାର ହାୱାଇ ଦ୍ୱୀପରେ ଭୟଙ୍କର ସ୍ଥିତି ସୃଷ୍ଟି କରିବାର ଆଶଙ୍କା ପ୍ରକାଶ ପାଇଛି। ସମୁଦ୍ର ଗର୍ଭରେ ଭୂକମ୍ପର କେନ୍ଦ୍ର ସ୍ଥଳ ରହିଥିବାରୁ ସ୍ଥିତି ଭୟଙ୍କର ହେବାର ଯଥେଷ୍ଟ ଆଶଙ୍କା ଥିବା ବିଶେଷଜ୍ଞମାନେ ମତ ରଖିଛନ୍ତି। ସମୁଦ୍ର ଜୁଆର ଘୁଘୁ ଗର୍ଜନ କରି ସ୍ଥଳ ଭାଗକୁ ମାଡ଼ି ଆସିଥିବାର ଛାତିଥରା ଫଟୋ ଓ ଭିଡିଓ ମଧ୍ୟ ସାମ୍ନାକୁ ଆସିଛି। ବର୍ତ୍ତମାନ ଉତ୍ତର ଆଲାସ୍କାରେ ସୁନାମୀର ପ୍ରଥମ ଜୁଆର ପ୍ରବେଶ କରିଛି। ହାୱାଇରେ ମଧ୍ୟ ୪ ଫୁଟ ବା ୧.୨ ମିଟର ଉଚ୍ଚର ଜୁଆର ସ୍ଥଳ ଭାଗରେ ପ୍ରବେଶ କରିଥିବା ପ୍ୟାସିଫିକ ସୁନାମୀ ୱାର୍ଣ୍ଣିଂ ସେଣ୍ଟର(ପିଟିଡବ୍ଲୁସି) ପକ୍ଷରୁ କୁହାଯାଇଛି। ପିଟିଡବ୍ଲୁସି କହିଛି ଯେ ସୁନାମୀ ଜୁଆର ଉପକୂଳବର୍ତ୍ତୀ ଅଞ୍ଚଳକୁ ପ୍ରଭାବିତ କରିବା ଆରମ୍ଭ କରିଛି। ବର୍ତ୍ତମାନ ସବୁଠାରୁ ବଡ଼ ଜୁଆର ହାୱାଇରେ ରେକର୍ଡ କରାଯାଇଛି। ଉତ୍ତର ଉପକୂଳ ଓହାହୁର ହାଲେଇୱାରେ ୪ ଫୁଟ ଉଚ୍ଚର ଜୁଆର ସ୍ଥଳ ଭାଗରେ ତାଣ୍ଡବ ରଚିଛି। ପ୍ରାୟ ୧୨ ମିନିଟର ବ୍ୟବଧାନରେ ଉଚ୍ଚ ଜୁଆର ସ୍ଥଳ ଭାଗକୁ ଆସୁଛି। ଜାପାନ ମେଟ୍ରୋଲୋଜିକାଲ ଏଜେନ୍ସି କହିଛି ଯେ ୪୦ ସେଣ୍ଟିମିଟର ବା ୧.୩ ଫୁଟର ସୁନାମୀ ହୋକ୍କାଇଡୋର ଟୋକାଚିରେ ଚିହ୍ନଟ ହୋଇଛି। ଏହି ସ୍ଥାନଟି ଜାପାନର ଉତ୍ତରପୂର୍ବର ପ୍ରାନ୍ତର ଗୋଟିଏ ପ୍ରମୁଖ ସ୍ଥାନୀୟ ଭୂକମ୍ପର କେନ୍ଦ୍ରସ୍ଥଳ କାମଚଟକାରେ ବ୍ୟାପକ କ୍ଷୟକ୍ଷତି ହୋଇଛି। କିନ୍ତୁ କେହି ବି ଗୁରୁତର ଭାବେ ଆହତ ହୋଇ ନାହାନ୍ତି। ରୁଷର କୁରିଲ ଦ୍ୱୀପପୁଞ୍ଜର ସେଭେରୋ-କୁରିଲସ୍କରେ ସୁନାମୀ ଜୁଆର ପ୍ରବେଶ କରିଥିବା ସ୍ଥାନୀୟ ଗଭର୍ଣ୍ଣର ଭାଲେରୟ ଲିମାରେନକୋ କହିଛନ୍ତି। ତାଙ୍କ କହିବା କଥା ଯେ ଭୂକମ୍ପ ପରେ ସୁନାମୀ ଆସିଥିବା ବେଳେ ସ୍ଥାନୀୟ ଲୋକ ସୁରକ୍ଷିତ ରହିଛନ୍ତି। ସେମାନଙ୍କୁ ବିପଦ ଟଳିବା ଯାଏ ସେମାନଙ୍କୁ ଉଚ୍ଚ ସ୍ଥାନରେ ରହିବାକୁ ପରାମର୍ଶ ଦିଆଯାଇଛି। ଜାପାନର ଇୱାଟେ ସ୍ଥିତ କୁଜି ପୋର୍ଟରେ ୧.୩ ମିଟର ବା ୪.୩ ଫୁଟ ଉଚ୍ଚର ଜୁଆର ପ୍ରବେଶ କରିଛି। କ୍ରମାଗତ ଭାବେ ବଡ଼ ବଡ଼ ଜୁଆର କୂଳ ଲଙ୍ଘିବାରେ ଲାଗିଛି। ଜାପାନ ଓ ଆମେରିକାରେ ସୁନାମୀର ସତର୍କ ସାଇରନ ବାଜୁଥିବାରୁ ଲୋକମାନେ ଆତଙ୍କିତ ହୋଇପଡ଼ିଛନ୍ତି। ସେମାନେ ସୁରକ୍ଷିତ ସ୍ଥାନକୁ ଯିବାକୁ ଚେଷ୍ଟା କରୁଥିବା ବେଳେ ବ୍ୟାପକ ଟ୍ରାଫିକ ସମସ୍ୟା ମଧ୍ୟ ସୃଷ୍ଟି ହୋଇଛି। ହାୱାଇରେ ସୁନାମୀ ଉପକୂଳବର୍ତ୍ତୀ ଅଞ୍ଚଳକୁ ପ୍ରଭାବିତ କରିଥିବା ବେଳେ ଏକାଧିକ ବିମାନର ଦିଗ ପରିବର୍ତ୍ତନ କରାଯାଇଛି। ସ୍ଥିତି ଅତ୍ୟନ୍ତ ଚିନ୍ତାଜନକ ଥିବା ସ୍ଥାନୀୟ ପ୍ରଶାସନ ପକ୍ଷରୁ କୁହାଯାଇଛି।

## ଓଟିଇଟି ପ୍ରଶ୍ନପତ୍ର ଲିକ୍ ଘଟଣା: ୬ ଗିରଫ



କଟକ, ୩୦।୭ (ହି.ସ): ମାଧ୍ୟମିକ ଶିକ୍ଷା ପରିଷଦ ଦ୍ୱାରା ପରିଚାଳିତ ସ୍ୱତନ୍ତ୍ର ଓଟିଇଟି ପରୀକ୍ଷା ପ୍ରଶ୍ନପତ୍ର ଲିକ୍ ଘଟଣାରେ ବଡ ରାକେଟକୁ ଧରିଛି କ୍ରାଇମବ୍ରାଞ୍ଚ। ଓଟିଇଟି ପ୍ରଶ୍ନପତ୍ର ଲିକ ଘଟଣାରେ କ୍ରାଇମବ୍ରାଞ୍ଚ ୬ ଜଣଙ୍କୁ ଗିରଫ କରିଛି। ଏହି ଘଟଣାର ମୁଖ୍ୟ ଅଭିଯୁକ୍ତ ହେଉଛନ୍ତି ଜିତେନ ମହାରଣା। ସେ ଡାଟା ଏଣ୍ଟ୍ରି ଅପରେଟର ଭାବେ ବୋର୍ଡ ଅଫିସରେ କାର୍ଯ୍ୟ କରୁଛନ୍ତି। ତାଙ୍କରି ମାଧ୍ୟମରେ ପ୍ରଶ୍ନପତ୍ର ଲିକ୍ ହୋଇଛି। ପ୍ରଶ୍ନପତ୍ର ଲିକ୍ ପଛରେ ୨ ଲକ୍ଷ ୫୦ ହଜାର ଟଙ୍କାର କାରବାର ହୋଇଛି। କ୍ରାଇମବ୍ରାଞ୍ଚ ଏଡିଜି ସାମ୍ବାଦିକ ସମ୍ମିଳନୀ କରି ଏହି ସୂଚନା ଦେଇଛନ୍ତି। ପ୍ରଶ୍ନପତ୍ର ଲିକ୍ ଘଟଣାରେ ଗିରଫ ଅଭିଯୁକ୍ତମାନେ ହେଲେ ବାଲେଶ୍ୱର ଜିଲ୍ଲା ସିମୁଳିଆ ଥାନା ଅଧୀନ କାଚପଡା ଗ୍ରାମର ଜିତେନ ମହାରଣା, ରାୟଗଡା ଜିଲ୍ଲା କୁନ୍ଦୁରା ଥାନା ଅଧୀନ କୋମାସାହିର ଶିକ୍ଷକ ତଥା ଏକ୍ସକ୍ୟାଡ଼ର ଶିକ୍ଷକ ସଂଘ ନେତା ବିଜୟ କୁମାର ମିଶ୍ର, କୋରାପୁଟ ଜିଲ୍ଲା ସାଗରଗୁଡା ଗ୍ରାମର ସନାତନ ବିଶୋୟୀ, କଟକ ଜିଲ୍ଲା ବାଦାମବାଡି ଥାନା ଅଧୀନ ନାରାୟଣ ଲେନର ରାମଜୀ ପ୍ରସାଦ ଗୁପ୍ତା, ଗଞ୍ଜାମ ଜିଲ୍ଲା ବେଦନାଥପୁର ଥାନା ଅଧୀନ ଲିଙ୍ଗିପଲୀ କେଶବନଗରର ଅଜୟ କୁମାର ସାହୁ, ବାଲେଶ୍ୱର ଜିଲ୍ଲା ରୁପସା ଥାନା ଅଧୀନ ଜୁକାନନ୍ଦି ଗ୍ରାମର ଜୟନ୍ତ କୁମାର। କ୍ରାଇମବ୍ରାଞ୍ଚ ଏଡିଜି ବିନୟତୋଷ ମିଶ୍ର କହିଛନ୍ତି ଯେ, ପରୀକ୍ଷା ପୂର୍ବରୁ ଜୀତେନ ପ୍ରଥମେ ବୋର୍ଡର ଉପସଭାପତିଙ୍କ ଲାପଟପରୁ ପ୍ରଶ୍ନପତ୍ର ପେନ ଡ୍ରାଇଭରେ ନେଇଥିଲା। ପରେ ସେ ଏହାକୁ ଶିକ୍ଷକ ବିଜୟ ମିଶ୍ର, ସନାତନ ବିଶୋୟୀଙ୍କୁ ଦେଇଥିଲେ। ଏହାକୁ ସେମାନେ ଦଲାଲ ରାମଜୀ ପ୍ରସାଦ ଗୁପ୍ତାଙ୍କ ମାଧ୍ୟମରେ ଅଜୟ ସାହୁ, ଜୟନ୍ତ ରାଉତଙ୍କୁ ବିକ୍ରି କରିଥିଲା। ଏଥି ପାଇଁ ଜିତେନ ବ୍ୟାଙ୍କ ଖାତାକୁ ୨ ଲକ୍ଷ ୫୦ ହଜାର ଟଙ୍କା ଆସିଥିଲା। ଘଟଣାର ଛାନଭିନ କରି କ୍ରାଇମବ୍ରାଞ୍ଚ ୬ଟି ମୋବାଇଲ ଜବତ କରିଛି। ଆଗକୁ କ୍ରାଇମବ୍ରାଞ୍ଚ ତଦନ୍ତ ଆହୁରି ଶାଣିତ କରିବ। ଏହି ମାମଲାରେ ଅଧିକ ଯଦି କେହି ଜଡିତ ଥିବେ ସେମାନଙ୍କୁ ଧରାଯିବ ବୋଲି କ୍ରାଇମବ୍ରାଞ୍ଚ ଏଡିଜି ବିନୟତୋଷ ମିଶ୍ର କହିଛନ୍ତି। ଏହି ଘଟଣାରେ ତଦନ୍ତ ଜାରି ଥିବାରୁ ଅଭିଯୁକ୍ତମାନଙ୍କୁ ରିମାଣ୍ଡରେ ଆଣି ଅଧିକ ତଦନ୍ତ କରାଯିବ ବୋଲି କ୍ରାଇମବ୍ରାଞ୍ଚ ଏଡିଜି ସୂଚନା ଦେଇଛନ୍ତି। ସୂଚନାଯୋଗ୍ୟ ଯେ ପ୍ରାଥମିକ ବିଦ୍ୟାଳୟରେ କାର୍ଯ୍ୟରତ ଶିକ୍ଷକଶିକ୍ଷୟିତ୍ରୀଙ୍କ ପାଇଁ ସ୍ୱତନ୍ତ୍ର ଶିକ୍ଷକ ଯୋଗ୍ୟତା ପରୀକ୍ଷା (ସ୍ପେସାଲ୍ ଓଟିଇଟି) ଜୁଲାଇ ୨୦ ତାରିଖରେ ଅନୁଷ୍ଠିତ ହେବାର ଥିଲା। ତେବେ ପରୀକ୍ଷା ହେବା ପୂର୍ବରୁ ଏହାର ପ୍ରଶ୍ନପତ୍ର ବିଭିନ୍ନ ସୋସିଆଲ ମିଡିଆରେ ଭାଇରାଲ ହୋଇଥିଲା।

## ଭାରତର ଉପରେ ୨୫% ଟାରିଫ ସହ ଜୋରିମାନା ଲଗାଇଲେ ଟ୍ରମ୍ପ

ୱାସିଂଟନ, ୩୦।୭ (ହି.ସ): ଭାରତକୁ ସବୁବେଳେ ବନ୍ଧୁ ରାଷ୍ଟ୍ର କହୁଥିବା ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ବୁଧବାର ନେଇଛନ୍ତି ବଡ଼ ପଦକ୍ଷେପ। ସେ ଭାରତକୁ ବନ୍ଧୁ ବନ୍ଧୁ କହି ବଡ଼ ଝଟକା ଦେଇଛନ୍ତି। ଭାରତ ଉପରେ ଆମେରିକା ଲଗାଇଛି ୨୫% ଶୁଳ୍କ ବା ଟାରିଫ। ଏଥିସହ ଅତିରିକ୍ତ ଭାବେ ଭାରତୀୟ ଆମଦାନୀ ଉପରେ ଜୋରିମାନା ମଧ୍ୟ ଲଗା ଯାଇଛି। ଏହି ଟାରିଫ ଓ ଜୋରିମାନା ନିର୍ଦ୍ଦେଶ ଅଗଷ୍ଟ ୧ରୁ କାର୍ଯ୍ୟକାରୀ ହେବ। ସମସ୍ତ ପ୍ରକାରର ଚେତାବାନୀ ଓ ପରାମର୍ଶ ସତ୍ତ୍ୱେ ଭାରତ ସରକାର ରୁଷ ଠାରୁ ତେଲ ଆମଦାନୀ କରୁଛନ୍ତି, ଏଥିପାଇଁ ନୂଆଦିଲ୍ଲୀ ବିରୋଧରେ ଏପରି କାର୍ଯ୍ୟାନୁଷ୍ଠାନ ନିଆଯାଇଥିବା ଟ୍ରମ୍ପ କହିଛନ୍ତି। ସୋଶାଲ ମିଡିଆ ପୋଷ୍ଟରେ ଟ୍ରମ୍ପ ଯଦିଓ ଭାରତକୁ ଗୋଟିଏ ବନ୍ଧୁ ରାଷ୍ଟ୍ର ଭାବେ ବିବେଚନା କରୁଥିବା କହିଛନ୍ତି ତଥାପି ଦୁଇ ଦେଶ ମଧ୍ୟରେ ବ୍ୟବସାୟିକ ସମ୍ପର୍କ ବେଶ ସୀମିତ ରହିଛି। • ପୃଷ୍ଠା ୭ ଦେଖନ୍ତୁ...

